ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୪.୭:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳଙ୍କ ଦାୟିତ୍ୱରେ ଥିବା ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୩୬ଟି ଅଭିଯୋଗରୁ ୩୩ଟି ବ୍ୟକ୍ତିଗତ ଓ ୩ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ପ୍ରକଳ୍ପ ନିର୍ଦ୍ଦେଶକ ପରାମର୍ଶ ଦେଇଛନ୍ତି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଜମି ପଟ୍ଟା,ବିଜୁ ପକ୍କା ଘର, ଚିକିତ୍ସା ଓ ଶ୍ରମ କାର୍ଡ ପ୍ରଦାନ ଭଳି ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁରେଶ ଚନ୍ଦ୍ର ପାଣିଗ୍ରାହୀ, ଆସିଷ୍ଟାଣ୍ଟ କଲେକ୍ଟର ମଧୁସ୍ମିତା ବିଶି, ଆସିଷ୍ଟାଣ୍ଟ କଲେକ୍ଟର ଶ୍ରୀ ଅଜୟ ଗଡନାୟକ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୭୦ ତା.୦୪.୦୭.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଦ୍ରୃ ୪ ମହି ୦୪|୦୭|୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,

ଅନୁଗୋଳ ।


realme Shot on realme 9 Pro+
2022.07.04 11:08